R.N.I. REGN. No. 65000/96 POSTAL REGN. No. OR/BN-32/12-14

ପଞ୍ଚବିଂଶ ବର୍ଷ
ସଂଖ୍ୟା : ୩୩୬
ତିଥି : ଅଷ୍ଟମୀ
୧୫ ସେପ୍ଟେମ୍ବର ୨୦୨୧, ବୁଧବାର
ଭୁବନେଶ୍ୱର
ପୃଷ୍ଠା-୧୨, ମୂଲ୍ୟ- ଟ.୫.୦୦

ସମୟ SAMAYA

# ସମୟ

ପ୍ରତିଷ୍ଠାତା - ବସନ୍ତ କୁମାର ବିଶ୍ୱାଳ

Vol. - XXV, No. 336
15 Sept 2021, Wednesday
Bhubaneswar
Price: 5.00
Online Portal
www.odishasamaya.com
samayaepaper.com
odishasamaya
thesamayanews@gmail.com
www.samayalive.in

Bhubaneswar | Balasore | Angul | Berhampur | Sambalpur

# ସ୍ମାର୍ଟ ହେଲ୍‌ଥ କାର୍ଡ ବାଣ୍ଟିଲେ ମୁଖ୍ୟମନ୍ତ୍ରୀ

## ୫୮୦ କୋଟି ଟଙ୍କା ପ୍ରକଳ୍ପର ଉଦ୍‌ଘାଟନ



ଭୁବନେଶ୍ୱର, ୧୪।୯ (ସବ୍ୟୁ) : ରାଉରକେଲାରେ ବିଜୁ ସ୍ୱାସ୍ଥ୍ୟ କଲ୍ୟାଣ ଯୋଜନାରେ ସୁନ୍ଦରଗଡ ଜିଲ୍ଲାବାସୀଙ୍କ ପାଇଁ ସ୍ମାର୍ଟ ହେଲଥ କାର୍ଡ ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକ ବଣ୍ଟନ କରିଛନ୍ତି । ସ୍ମାର୍ଟ ହେଲ୍ଥ କାର୍ଡ ବଣ୍ଟନରେ ସୁନ୍ଦରଗଡ ହେଉଛି ଦ୍ୱିତୀୟ ଜିଲ୍ଲା । ସୂଚନାଯୋଗ୍ୟ ଯେ ମୁଖ୍ୟମନ୍ତ୍ରୀ ଶ୍ରୀ ପଟ୍ଟନାୟକ ଚଳିତ ବର୍ଷ ସ୍ୱାଧୀନତା ଦିବସ ଅବସରରେ ସ୍ମାର୍ଟ ହେଲଥକାର୍ଡ ସଂପର୍କରେ ଘୋଷଣା କରିଥିଲେ । ଏହାପରେ ଅଗଷ୍ଟ ୨୦ ତାରିଖରେ ସେ ମାଲକାନଗିରିରେ ପ୍ରଥମ କରି ସ୍ମାର୍ଟ ହେଲଥକାର୍ଡ ବଣ୍ଟନର ଶୁଭାରମ୍ଭ କରିଥିଲେ ।

ବିଜୁସ୍ୱାସ୍ଥ୍ୟ କଲ୍ୟାଣ ଯୋଜନାର ସ୍ମାର୍ଟ ହେଲଥ୍ କାର୍ଡ ଦ୍ୱାରା ରାଜ୍ୟର ୯୬ ଲକ୍ଷ ପରିବାରର ସାଢେ ତିନି କୋଟି ଲୋକ ଉପକୃତ ହେବେ ବୋଲି ପ୍ରକାଶ କରି ମୁଖ୍ୟମନ୍ତ୍ରୀ କହିଥିଲେ ଯେ ଏହାଦ୍ୱାରା ଆମର ଗରିବ ଲୋକମାନେ ସ୍ୱାସ୍ଥ୍ୟ ସେବା ପାଇଁ ଅନେକ ସମସ୍ୟାରୁ, ବିଶେଷକରି ଚିକିତ୍ସା ଖର୍ଚ୍ଚ ଜନିତ ଆର୍ଥିକ ସମସ୍ୟାରୁ ମୁକ୍ତ ହୋଇପାରିବେ । ଲୋକମାନେ ସ୍ୱାସ୍ଥ୍ୟ ସମସ୍ୟାରେ ପଡିଲେ ଚିକିତ୍ସା ପାଇଁ କିପରି ଜମିବାଡି ବିକିବାକୁ ବାଧ୍ୟ ହୁଅନ୍ତି, ପିଲାଙ୍କ ପାଠପଢା ବନ୍ଦ କରନ୍ତି, ସେ ସବୁ ବିଷୟରେ ଆଲୋକପାତ କରି ମୁଖ୍ୟମନ୍ତ୍ରୀ କହିଲେ ଯେ ଏହା ତାଙ୍କୁ ବହୁତ ଦୁଃଖ ଦେଉଥାଏ । ବର୍ତ୍ତମାନ ଲୋକମାନେ ବିନା କୌଣସି ଅସୁବିଧାରେ କାର୍ଡ ଖଣ୍ଡିଏ ଧରି ଦେଶର ୨୦୦ ବଡ ବଡ ହସ୍ପିଟାଲରେ ଭଲ ଚିକିତ୍ସା ପାଇପାରିବେ । ଏଥିପାଇଁ ଟଙ୍କାଟିଏ ବି ଖର୍ଚ୍ଚ କରିବାକୁ ପଡିବ ନାହିଁ ବୋଲି ସେ କହିଥିଲେ । ମୁଖ୍ୟମନ୍ତ୍ରୀ କହିଥିଲେ ଯେ ତାଙ୍କ ପାଇଁ ପ୍ରତିଟି ଜୀବନ ମୂଲ୍ୟବାନ । ରାଣୀ ହେଉ ବା ମୂଲିଆ ବା (୯ ପୃଷ୍ଠାରେ)

### "ଦ୍ୱିତୀୟ ଏମ୍ସ, ଅଲିମ୍ପିକ୍ ଗୌରବ ଆଣିଥିବା ସୁନ୍ଦରଗଡ ଜିଲ୍ଲାବାସୀଙ୍କ ନ୍ୟାୟପୂର୍ଣ୍ଣ ଦାବି"

## ପ୍ରଥମ ପୃଷ୍ଠାର ଅବଶିଷ୍ଟାଂଶ

### ସ୍ମାର୍ଟ...

ଜିଲ୍ଲା ବାଲା - ସମସ୍ତେ ସମ୍ମାନର ସହ ବଞ୍ଚନ୍ତୁ ଛ ଏହା ତାଙ୍କର ବିଭିନ୍ନ କଲ୍ୟାଣ କାର୍ଯ୍ୟକ୍ରମର ମୁଖ୍ୟ ଲକ୍ଷ୍ୟ । ସୁନ୍ଦରଗଡରେ ଦ୍ୱିତୀୟ ଏମ୍ସ ପ୍ରସଙ୍ଗ ସଂପର୍କରେ ପ୍ରକାଶ କରି ମୁଖ୍ୟମନ୍ତ୍ରୀ କହିଲେ ଯେ ଏଥିପାଇଁ ରାଜ୍ୟ ସରକାର ତାଙ୍କର ପ୍ରୟାସ ଜାରି ରଖିବେ । ଦେଶ ପାଇଁ ଅଲିମ୍ପିକ୍ସ ଗୌରବ ଆଣିଥିବା ସୁନ୍ଦରଗଡବାସୀଙ୍କ ଏହି ନ୍ୟାୟପୂର୍ଣ୍ଣ ଦାବୀ ପୂରଣ ପାଇଁ କେନ୍ଦ୍ର ସରକାରଙ୍କ ନିକଟରେ ଓଡିଶା ସରକାର ତାଙ୍କର ଉଦ୍ୟମକୁ ଆହୁରି ଜୋରଦାର କରିବେ । ଏହି ଅବସରରେ ମୁଖ୍ୟମନ୍ତ୍ରୀ ଟୋକିଓ ଅଲିମ୍ପିକ୍ସରେ ଖେଳିଥିବା ହକି ଖେଳାଳୀ ମାନଙ୍କୁ ଅଭିନନ୍ଦନ ଜଣାଇଥିଲେ ।

ଏହି ଅବସରରେ ମୁଖ୍ୟମନ୍ତ୍ରୀ ୬ ଜଣ ହିତାଧିକାରୀଙ୍କୁ ବିଜୁ ସ୍ମାର୍ଟ ହେଲଥ କାର୍ଡ ବଣ୍ଟନ କରିଥିଲେ । ସ୍ୱାସ୍ଥ୍ୟ କାର୍ଡ ବଣ୍ଟନ ସହିତ ମୁଖ୍ୟମନ୍ତ୍ରୀ ସୁନ୍ଦରଗଡରେ ୫୮୦.୮୨ କୋଟି ଟଙ୍କାର ବିଭିନ୍ନ ପ୍ରକଳ୍ପର ଶୁଭାରମ୍ଭ ମଧ୍ୟ କରିଥିଲେ । ଏଥିରେ ସଂଯୋଗୀକରଣ ଠାରୁ ଆରମ୍ଭ କରି ଭିତ୍ତିଭୂମି ନିର୍ମାଣ, ଶିକ୍ଷା, ସ୍ୱାସ୍ଥ୍ୟ, ଜୀବିକା, ପରିମଳ, ଜଳସେଚନ, ଶକ୍ତି, ମହିଳା ଓ ଶିଶୁବିକାଶ ଆଦି ବିଭିନ୍ନ କ୍ଷେତ୍ରରେ ନିର୍ମାଣ କାର୍ଯ୍ୟ କରାଯିବ । ଏହି କାର୍ଯ୍ୟକ୍ରମରେ ସ୍ୱାସ୍ଥ୍ୟ ଓ ପରିବାର କଲ୍ୟାଣ ମନ୍ତ୍ରୀ ନବ ଦାସ ଯୋଗ ଦେଇ ସ୍ୱାସ୍ଥ୍ୟ କ୍ଷେତ୍ରରେ ରାଜ୍ୟ ସରକାରଙ୍କ ପଦକ୍ଷେପ ସଂପର୍କରେ ଆଲୋକପାତ କରିଥିଲେ । ଓଡିଶାରେ ବିଶ୍ୱସ୍ତରୀୟ ଚିକିତ୍ସା ସୁବିଧା, ମେଡିକାଲ କଲେଜ ପ୍ରତିଷ୍ଠା ଓ ବିଜୁ ସ୍ୱାସ୍ଥ୍ୟ କାର୍ଡ ଭଳି ଅନନ୍ୟ କାର୍ଯ୍ୟକ୍ରମ ପାଇଁ ସେ ମୁଖ୍ୟମନ୍ତ୍ରୀଙ୍କ ଦୂରଦର୍ଶୀ ନେତୃତ୍ୱର ଭୂରିପ୍ରଶଂସା କରିଥିଲେ । ରାଉରକେଲା ବିଧାୟକ ଶାରଦା ନାୟକ ମଧ୍ୟ କାର୍ଯ୍ୟକ୍ରମରେ ଯୋଗ ଦେଇ ମୁଖ୍ୟମନ୍ତ୍ରୀଙ୍କ ବଳିଷ୍ଠ ନେତୃତ୍ୱର ପ୍ରଶଂସା କରିଥିଲେ । ବିଧାୟକ ସୁବ୍ରତ ତରାଇ ଧନ୍ୟବାଦ ଜଣାଇଥିଲେ । କାର୍ଯ୍ୟକ୍ରମରେ ରାଜ୍ୟ ମନ୍ତ୍ରୀମଣ୍ଡଳର ଅନେକ ସଦସ୍ୟ, ବିଧାୟକ ପ୍ରମୁଖ ଯୋଗ ଦେଇଥିଲେ ।